# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 26 January – 2026

********************************

## ମୁଖ୍ୟ ସମ୍ବାଦ

- 'ସ୍ୱତନ୍ତ୍ରତାର ମନ୍ତ୍ର : ବନ୍ଦେ ମାତରମ୍ ଏବଂ ସମୃଦ୍ଧିର ମନ୍ତ୍ର : ଆତ୍ମନିର୍ଭର ଭାରତ'ର ବାର୍ତ୍ତା ନେଇ ଦେଶ ଆଜି ପାଳନ କରୁଛି ୭୭ତମ ସାଧାରଣତନ୍ତ୍ର ଦିବସ

— ନୂଆଦିଲ୍ଲୀର କର୍ତ୍ତବ୍ୟପଥରେ ରାଷ୍ଟ୍ରର ନେତୃତ୍ୱ ନେଲେ ରାଷ୍ଟ୍ରପତି

— ଜାତୀୟ ଯୁଦ୍ଧସ୍ମାରକୀଠାରେ ସହିଦ୍ ବୀରଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କଲେ ପ୍ରଧାନମନ୍ତ୍ରୀ

- ସାମୂହିକ ପ୍ରୟାସରେ ଓଡ଼ିଶାକୁ ବିଶ୍ୱ ମାନଚିତ୍ରରେ ନୂତନ ପରିଚୟ ପ୍ରଦାନ କରିବାକୁ ମୁଖ୍ୟମନ୍ତ୍ରୀଙ୍କ ଆହ୍ୱାନ

- ଆଇନ୍ ଶୃଙ୍ଖଳା, ସୁରକ୍ଷା ଓ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ୨୦ ଜଣ ପୁଲିସ୍ ଅଧିକାରୀ ଓ କର୍ମଚାରୀଙ୍କୁ ମିଳିଲା ରାଜ୍ୟପାଳ ପଦକ

ଏବଂ

- ଭୁବନେଶ୍ୱର ଆଦିବାସୀ ପଡିଆରେ ଆଜି ସନ୍ଧ୍ୟାରେ ରାଜ୍ୟସ୍ତରୀୟ ଆଦିବାସୀ ମେଳାକୁ ଉଦ୍‌ଘାଟନ କରିବେ ମୁଖ୍ୟମନ୍ତ୍ରୀ

# ରିପବ୍ଲିକ ଡେ-୨୦୨୬

ଦେଶ ଆଜି ୭୭ତମ ଗଣତନ୍ତ୍ର ଦିବସ ପାଳନ କରୁଛି। ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ନୂଆଦିଲ୍ଲୀର କର୍ତ୍ତବ୍ୟ ପଥରୁ ଗଣତନ୍ତ୍ର ଦିବସ ପାଳନ କରିବାରେ ରାଷ୍ଟ୍ରର ନେତୃତ୍ୱ ନେଇଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଜାତୀୟ ଯୁଦ୍ଧ ସ୍ମାରକୀ ଗସ୍ତ ସହିତ ଏହି ସମାରୋହ ଆରମ୍ଭ ହୋଇଥିଲା। ଶ୍ରୀ ମୋଦୀ ସହିଦ ବୀରମାନଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ରାଷ୍ଟ୍ରପତି ପରେଡର ମୁଖ୍ୟ ଅତିଥି ୟୁରୋପୀୟ ପରିଷଦର ସଭାପତି ଆଣ୍ଟୋନିଓ କୋଷ୍ଟା ଏବଂ ୟୁରୋପୀୟ ଆୟୋଗର ସଭାପତି ଉର୍ସୁଲା ଭନ୍ ଡେର୍ ଲେୟନ୍‌ଙ୍କ ସହ କର୍ତ୍ତବ୍ୟ ପଥରେ ପହଞ୍ଚିଥିଲେ। ଜାତୀୟ ପତାକା ଉତ୍ତୋଳନ ପରେ ୨୧ ତୋପସଲାମୀ ସହିତ ଜାତୀୟ ସଙ୍ଗୀତ ପରିବେଷଣ କରାଯାଇଥିଲା।

କର୍ତ୍ତବ୍ୟ ପଥରେ ଆଜି ଗଣତନ୍ତ୍ର ଦିବସ ପରେଡ ଭାରତର ସାଂସ୍କୃତିକ ବିବିଧତା ଏବଂ ସାମରିକ ଶକ୍ତିର ଏକ ଅନନ୍ୟ ମିଶ୍ରଣ ଦେଖିବାକୁ ମିଳିଥିଲା। ଚଳିତ ବର୍ଷର ବିଷୟବସ୍ତୁ ରହିଛି 'ସ୍ୱତନ୍ତ୍ରତାର ମନ୍ତ୍ର : ବନ୍ଦେ ମାତରମ୍' ଏବଂ 'ସମୃଦ୍ଧିର ମନ୍ତ୍ରଃ ଆତ୍ମନିର୍ଭର ଭାରତ'। ପରେଡ ସମୟରେ ବିଭିନ୍ନ ରାଜ୍ୟ, କେନ୍ଦ୍ରଶାସିତ ଅଞ୍ଚଳ ଏବଂ କେନ୍ଦ୍ର ସରକାରଙ୍କ ମନ୍ତ୍ରଣାଳୟ ଏବଂ ବିଭାଗର ୩୦ଟି ପ୍ରଜ୍ଞାପନ ମେଢ଼ ପ୍ରଦର୍ଶିତ ହୋଇଥିଲା।

ଓଡ଼ିଶାର ପ୍ରଜ୍ଞାପନ ମେଢ଼ରେ କଳା, ସଂସ୍କୃତି ଏବଂ ପରମ୍ପରାକୁ ସମଗ୍ର ଦେଶ ଦେଖିଥିଲା। ଯେଉଁଥିରେ ପରମ୍ପରାର ପ୍ରଗତି, କୋରାପୁଟ କଫି, ମହିଳା ନେତୃତ୍ୱ, ପଟ୍ଟଚିତ୍ର, କୋଣାର୍କ ମନ୍ଦିରର ଝଲକ ଓ ତାରକସି କାମକୁ ପ୍ରଦର୍ଶିତ କରାଯାଇଥିଲା।

ରାଷ୍ଟ୍ରପତି ମୁର୍ମୁ ଭାରତୀୟ ବାୟୁସେନା ଗ୍ରୁପ୍ କ୍ୟାପଟେନ୍ ଶୁଭାଂଶୁ ଶୁକ୍ଲାଙ୍କୁ ଭାରତର ସର୍ବୋଚ୍ଚ ଶାନ୍ତିକାଳିନ ସାହସିକତା ପୁରସ୍କାର ଅଶୋକ ଚକ୍ରରେ ସମ୍ମାନିତ କରିଥିଲେ। ପରେଡ ସମୟରେ ୨ ହଜାର ୫୦୦ରୁ ଅଧିକ କଳାକାର ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ, ଯେଉଁଥିରେ ବିଭିନ୍ନ ବର୍ଗର ସ୍ୱତନ୍ତ୍ର ଅତିଥିମାନେ ଯୋଗ ଦେଇଥିଲେ।

## ଗଣତନ୍ତ୍ର-ଜିଲ୍ଲା

ରାଜ୍ୟସ୍ତରୀୟ ସାଧାରଣତନ୍ତ୍ର ଦିବସ ପରେଡ୍‌ରେ **ରାଜ୍ୟପାଳ** ଡକ୍ଟର ହରି ବାବୁ କମ୍ଭମ୍‌ପାଟି ଭୁବନେଶ୍ୱର ଗାନ୍ଧିମାର୍ଗରେ ଜାତୀୟ ପତାକା ଉତ୍ତୋଳନ କରି ସମ୍ମିଳିତ ପରେଡରେ ଅଭିବାଦନ ଗ୍ରହଣ କରିଛନ୍ତି। ଓଡିଶାକୁ ଦେଶର ଏକ ସମୃଦ୍ଧ, ଅଗ୍ରଣୀ ଏବଂ ବିକଶିତ ରାଜ୍ୟରେ ପରିଣତ କରିବା ପାଇଁ ଏହି ପବିତ୍ର ଦିବସରେ ରାଜ୍ୟବାସୀ ସଂକଳ୍ପ ନେବା ଲାଗି ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ତାଙ୍କ ବାର୍ତ୍ତାରେ କହିଛନ୍ତି। ୧୭ଟି ସାମରିକ ବାହିନୀ ଏବଂ ବିଭିନ୍ନ ଶିକ୍ଷାନୁଷ୍ଠାନର ୨୯ଟି ବେସାମରିକ ଦଳ ପରେଡ୍‌ରେ ଅଂଶଗ୍ରହଣ କରିଥିଲେ। ବିଭିନ୍ନ ସାଂସ୍କୃତିକ ଦଳ ପକ୍ଷରୁ ଏହି

ଅବସରରେ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ରାଜ୍ୟ ସରକାରଙ୍କ ବିଭିନ୍ନ ଯୋଜନା ଓ କାର୍ଯ୍ୟକ୍ରମ ସହ ସଚେତନତାର ବାର୍ତ୍ତା ବହନ କରୁଥିବା ପ୍ରଜ୍ଞାପନ ମେଢ଼ଗୁଡ଼ିକ ପ୍ରଦର୍ଶିତ ହୋଇଥିଲା।

**ମୁଖ୍ୟମନ୍ତ୍ରୀ** ମୋହନ ଚରଣ ମାଝୀ କଟକ ବାରବାଟୀ ଷ୍ଟାଡିୟମ୍‌ରେ ପତାକା ଉତ୍ତୋଳନ କରି ଦେଶପାଇଁ ଜୀବନ ଉତ୍ସର୍ଗ କରିଥିବା ସଂଗ୍ରାମୀମାନଙ୍କୁ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ୨୦୩୬ ମସିହାସୁଦ୍ଧା ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନର ଶତବାର୍ଷିକୀ ପାଳନ ବେଳକୁ ଓଡ଼ିଶା ଦେଶର ଶ୍ରେଷ୍ଠ ୫ଟି ରାଜ୍ୟ ମଧ୍ୟରେ ସ୍ଥାନିତ ହେବାକୁ ଲକ୍ଷ୍ୟ ରଖିଛି ।

ଏଥିରେ ଶିଳ୍ପାୟନ, ଭିତ୍ତିଭୂମିର ବିକାଶ, ସ୍ୱଚ୍ଛ ଓ ଦୁର୍ନୀତିମୁକ୍ତ ପ୍ରଶାସନ ଉପରେ ସରକାର ଗୁରୁତ୍ୱ ଦେଉଛନ୍ତି। ସମ୍ବିଧାନର ମୂଲ୍ୟବୋଧକୁ ଆଧାର କରି ଦେଶର ଶକ୍ତି, ସାମର୍ଥ୍ୟ ଓ ସମ୍ମାନ ବଢାଇ ଓଡିଶାକୁ ଏକ ସମୃଦ୍ଧ ରାଜ୍ୟ ଭାବେ ଗଢି ତୋଳିବା ପାଇଁ ସଂକଳ୍ପବଦ୍ଧ ହୋଇ କାମ କରିବା ପାଇଁ ଶ୍ରୀ ମାଝୀ ଆହ୍ୱାନ ଦେଇଛନ୍ତି । ସାମୁହିକ ପ୍ରୟାସ ଓଡ଼ିଶାକୁ ବିଶ୍ୱ ମାନଚିତ୍ରରେ ଏକ ନୂତନ ପରିଚୟ ପ୍ରଦାନ କରିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି...

# - V/O - (CM)

ଜିଲ୍ଲାସ୍ତରୀୟ ସାଧାରଣତନ୍ତ୍ର ଦିବସ ପାଳନ ସମ୍ବାଦ ଆମର ହସ୍ତଗତ ହୋଇଛି।

ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ **କୋରାପୁଟ** ପୁଲିସ୍ ପଡିଆଠାରେ ଆୟୋଜିତ ଜିଲ୍ଲାସ୍ତରୀୟ ସାଧାରଣତନ୍ତ୍ର ଦିବସ ସମାରୋହରେ ଯୋଗଦେଇ ସମ୍ମିଳିତ ପରେଡ୍‌ରେ ଅଭିଭାଦନ ଗ୍ରହଣ କରିଛନ୍ତି। ଶ୍ରୀ ସିଂହଦେଓ କହିଛନ୍ତି, ରାଜ୍ୟରେ ବିକାଶମୂଳକ କାର୍ଯ୍ୟକ୍ରମ ଆଗାମୀ ଦିନରେ ଜାରି ରହିବ।

ଉପମୁଖ୍ୟମନ୍ତ୍ରୀ **ପ୍ରଭାତୀ ପରିଡା** ଖୋର୍ଦ୍ଧା ଜିଲ୍ଲାରେ ଆୟୋଜିତ ୭୭ତମ ସାଧାରଣତନ୍ତ୍ର ଦିବସରେ ଯୋଗଦେଇ ବାଲ୍ୟବିବାହ ବିରୋଧରେ ୧୦୦ ଦିନିଆ ଜନସଚେତନତା ଅଭିଯାନ ଅଧୀନରେ ସାଇକେଲ ରାଲିର ଶୁଭାରମ୍ଭ କରିଛନ୍ତି। ବାଲ୍ୟବିବାହ ଭଳି କୁତ୍ସିତ ପ୍ରଥାକୁ ସମ୍ପୂର୍ଣ୍ଣ ବନ୍ଦ ପାଇଁ ଜିଲ୍ଲା ପ୍ରଶାସନର ଏହି ପ୍ରୟାସକୁ ଶ୍ରୀମତୀ ପରିଡା ପ୍ରଶଂସା କରିଛନ୍ତି।

**ପୁରୀ** ତାଳବଣିଆ ସ୍ପୋର୍ଟସ୍ କମ୍ପ୍ଲେକ୍ସଠାରେ ଆୟୋଜିତ ସାଧାରଣତନ୍ତ୍ର ଦିବସ ସମାରୋହରେ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ ଯୋଗଦେଇ ସମ୍ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ।

ଗଣଶିକ୍ଷାମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ **ରାୟଗଡ଼ା** ଜିସିଡି ହାଇସ୍କୁଲ ପଡିଆରେ ଆୟୋଜିତ ଜିଲ୍ଲାସ୍ତରୀୟ ସମାରୋହରେ ଯୋଗଦେଇ ସମ୍ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ।

**ସମ୍ବଲପୁର** ରିଜର୍ଭ ପୁଲିସ୍ ପଡିଆଠାରେ ଆୟୋଜିତ ସାଧାରଣତନ୍ତ୍ର ଦିବସ ଉତ୍ସବରେ ହସ୍ତତନ୍ତ୍ର ଓ ବୟନଶିଳ୍ପ ମନ୍ତ୍ରୀ ପ୍ରଦୀପ ବଳସାମନ୍ତ ଯୋଗଦେଇ ପତାକା ଉତ୍ତୋଳନ କରିଥିଲେ।

ଭାରତର ମୁକ୍ତି ସଂଗ୍ରାମରେ **ନୟାଗଡ଼** ଜିଲ୍ଲାର ମହତ୍ତ୍ୱପୂର୍ଣ୍ଣ ଭୂମିକା ରହିଥିଲା ବୋଲି ନୟାଗଡ଼ ପୁଲିସ୍ ଟ୍ରେନିଂ ପଡିଆଠାରେ ଅନୁଷ୍ଠିତ ଜିଲ୍ଲାସ୍ତରୀୟ ସାଧାରଣତନ୍ତ୍ର ସମାରୋହରେ ଯୋଗଦେଇ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି ।

ଆଇନ୍‌ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ **ଢେଙ୍କାନାଳ** ଷ୍ଟାଡିୟମ୍‌ଠାରେ ଆୟୋଜିତ ସାଧାରଣତନ୍ତ୍ର ଦିବସ ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରି କହିଛନ୍ତି, ପ୍ରଜା ଆନ୍ଦୋଳନ ଢେଙ୍କାନାଳ ଜିଲ୍ଲାରୁ ଆରମ୍ଭ ହୋଇ ତୀବ୍ର ରୂପ ନେଇଥିଲା । ଏହି ମାଟି ବୀରତ୍ୱର ମାଟି । ବାଜି ରାଉତଙ୍କର ଆତ୍ମବଳିଦାନକୁ ଦେଶ ସର୍ବଦା ମନେ ରଖିବ ବୋଲି ଶ୍ରୀ ହରିଚନ୍ଦନ କହିଛନ୍ତି ।

ଗୃହ ଓ ନଗର ଉନ୍ନୟନ ମନ୍ତ୍ରୀ ଡକ୍ଟର କୃଷ୍ଣଚନ୍ଦ୍ର ମହାପାତ୍ର **ଭଦ୍ରକ** ସ୍ୱୟଂଶାସିତ ମହାବିଦ୍ୟାଳୟ ଖେଳପଡିଆରେ ଆୟୋଜିତ ଜିଲ୍ଲାସ୍ତରୀୟ ସାଧାରଣତନ୍ତ୍ର ଦିବସରେ ଯୋଗଦେଇ ସମ୍ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଛନ୍ତି ।

**କଳାହାଣ୍ଡି** ଜିଲ୍ଲା ଭବାନୀପାଟଣାସ୍ଥିତ ରିଜର୍ଭ ପୁଲିସ୍ ପଡିଆଠାରେ ଆୟୋଜିତ ଜିଲ୍ଲାସ୍ତରୀୟ ସାଧାରଣତନ୍ତ୍ର ଦିବସ ପରେଡ୍‌ରେ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରୀ ଗଣେଶରାମସିଂ ଖୁଣ୍ଟିଆ ଯୋଗଦେଇ ସମ୍ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ । ସ୍ୱାଧୀନତା ସଂଗ୍ରାମରେ କଳାହାଣ୍ଡିର ରେଣ୍ଡୋ ମାଝୀଙ୍କ ଅବଦାନ ଅବିସ୍ମରଣୀୟ ବୋଲି

ଶ୍ରୀ ସିଂ କହିଛନ୍ତି । ଲୋକସଭା ସାଂସଦ ମାଳବିକା ଦେବୀ, ଜିଲ୍ଲାପାଳ ପ୍ରମୁଖ ଉତ୍ସବରେ ଉପସ୍ଥିତ ଥିଲେ ।

**ଦେବଗଡ଼** ଜିଲ୍ଲା ଇନ୍ଦିରା ଗାନ୍ଧୀ ଷ୍ଟାଡିୟମ୍‌ଠାରେ ଜିଲ୍ଲାପାଳ କବୀନ୍ଦ୍ର କୁମାର ସାହୁ ସମ୍ମିଳିତ ପରେଡରେ ଅଭିବାଦନ ଗ୍ରହଣ କରି ଉପସ୍ଥିତ ଜନସାଧାରଣଙ୍କୁ ସମ୍ବୋଧିତ କରିଥିଲେ ।

**ନବରଙ୍ଗପୁର** ଷ୍ଟାଡିୟମ୍‌ଠାରେ ଜିଲ୍ଲାସ୍ତରୀୟ ସାଧାରଣତନ୍ତ୍ର ଦିବସ ସମାରୋହରେ ଜିଲ୍ଲାପାଳ ଡକ୍ଟର ମହେଶ୍ୱର ସ୍ୱାଇଁ ସମ୍ମିଳିତ ପରେଡରେ ଅଭିବାଦନ ଗ୍ରହଣ କରିଥିଲେ । **ନବରଙ୍ଗପୁର**ସ୍ଥିତ ୧୨ ବାଟାଲିୟନ୍ ସିଆରପିଏଫ୍ କ୍ୟାମ୍ପରେ କମାଣ୍ଡାଣ୍ଟ ନନ୍ଦକିଶୋର କୁମାର ପ୍ରସାଦ ଜାତୀୟ ପତାକା ଉତ୍ତୋଳନ କରିଥିଲେ ।

**ଝାରସୁଗୁଡ଼ା** ଜିଲ୍ଲାପାଳ କୁନାଲ ମୋତିରାମ ଚୌହ୍ୱାନ ମନମୋହନ ସ୍କୁଲ ପଡିଆଠାରେ ଆୟୋଜିତ ସମ୍ମିଳିତ ପରେଡରେ ଅଭିବାଦନ ଗ୍ରହଣ କରିଥିଲେ ।

**ବଲାଙ୍ଗିର** ମନୋହରପୁର ରିଜର୍ଭ ପୁଲିସ୍ ପଡିଆଠାରେ ଜିଲ୍ଲାପାଳ ଗୌରବ ଶିଓ୍ୱାଜୀ ଇସାଲ୍‌ଓ୍ୱାଲ୍ ସାମୂହିକ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ । ସଶସ୍ତ୍ର ପୁଲିସ୍ ବାହିନୀଙ୍କ ସମେତ ବିଭିନ୍ନ ସ୍କୁଲ କଲେଜର ୪୩ଟି ଦଳ ଓ ଜିଲ୍ଲା ଶିକ୍ଷା ବିଭାଗର ପ୍ରଜ୍ଞାପନ ମେଢ଼ ଏହି ଅବସରରେ ପ୍ରଦର୍ଶିତ ହୋଇଥିଲା ।

**ଗଞ୍ଜାମ** ଜିଲ୍ଲାସ୍ତରୀୟ ସାଧାରଣତନ୍ତ୍ର ଦିବସ ଛତ୍ରପୁରସ୍ଥିତ ପୁଲିସ୍ ପରେଡ୍ ପଡିଆରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ଭି.କିର୍ତ୍ତି ଭାସନ ଜାତୀୟ ପତାକା ଉତ୍ତୋଳନ କରି ଅନୁଷ୍ଠିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ।

**କେନ୍ଦ୍ରାପଡା** ସ୍ୱୟଂଶାସିତ ମହାବିଦ୍ୟାଳୟ ପଡିଆରେ ଜିଲ୍ଲାସ୍ତରୀୟ ସାଧାରଣତନ୍ତ୍ର ଦିବସ ସମାରୋହରେ କେନ୍ଦ୍ରାଞ୍ଚଳ ରାଜସ୍ୱ ଆୟୁକ୍ତ ଗୁହା ପୁନମ୍ ତାପସ କୁମାର ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିଥିଲେ। ସମ୍ମିଳିତ ପରେଡ୍‌ରେ ୩୧ଟି ଦଳ ଓ ୫ ପ୍ରଜ୍ଞାପନ ମେଢ଼ ଅଂଶଗ୍ରହଣ କରିଥିଲେ।

## ଜିଲ୍ଲା-୨

**କଟକ** ହାଇକୋର୍ଟ ସମେତ **ଗଜପତି** ଜିଲ୍ଲା ସଦର ମହକୁମା ପାରଳାଖେମୁଣ୍ଡି ଓ **ଯାଜପୁର** ପ୍ରଶାସନିକ ଭବନ ପଡିଆରେ ଜିଲ୍ଲାପାଳମାନେ ପତାକା ଉତ୍ତୋଳନ କରିବା ସହିତ ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ।

ସାଧାରଣତନ୍ତ୍ର ଦିବସ ପାଳନ ଅବସରରେ ଆଜି ସନ୍ଧ୍ୟାରେ ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ବିଭାଗ ଏବଂ ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀର ମିଳିତ ଆନୁକୂଲ୍ୟରେ ଦେଶାତ୍ମବୋଧକ ସଙ୍ଗୀତ ଉତ୍ସବ ଭାରତୀୟମ୍ ଭୁବନେଶ୍ୱର ରବୀନ୍ଦ୍ର ମଣ୍ଡପଠାରେ ଆୟୋଜନ କରାଯିବ।

# ରାଜ୍ୟପାଳ ପଦକ

ସାଧାରଣତନ୍ତ୍ର ଦିବସ ପାଳନ ଅବସରରେ ଆଇନ୍ ଶୃଙ୍ଖଳା, ସୁରକ୍ଷା ଓ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ୨୦ ଜଣ ପୁଲିସ୍ ଅଧିକାରୀ ଓ କର୍ମଚାରୀଙ୍କୁ ରାଜ୍ୟପାଳ ପଦକ ପ୍ରଦାନ କରିଛନ୍ତି। ବ୍ରହ୍ମପୁର ଦକ୍ଷିଣାଞ୍ଚଳ ପୁଲିସ ରେଞ୍ଜ ଆଇ.ଜି. ନିତି ଶେଖର, କଟକ କେନ୍ଦ୍ରାଞ୍ଚଳ ଆଇ.ଜି. ସତ୍ୟଜିତ୍ ନାୟକ, ପୁରୀ ଆରକ୍ଷୀ ଅଧିକ୍ଷକଙ୍କ ସମେତ ୩ଟି ଜିଲ୍ଲାର ଭିଜିଲାନ୍ସ ବିଭାଗର ଏଏସ୍ଆଇଙ୍କୁ ସମ୍ମାନିତ କରାଯାଇଛି।

# ଆଦିବାସୀ ମେଳା

ବାର୍ଷିକ ରାଜ୍ୟସ୍ତରୀୟ ଆଦିବାସୀ ମେଳା-୨୦୨୬ ଭୁବନେଶ୍ୱର ୟୁନିଟ୍-୧ସ୍ଥିତ ଆଦିବାସୀ ପଡିଆରେ ଆଜି ସନ୍ଧ୍ୟାରେ ଅନୁଷ୍ଠିତ ହେବ । ଏହି ମେଳାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମୁଖ୍ୟ ଅତିଥିଭାବେ ଯୋଗଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିବାର କାର୍ଯ୍ୟକ୍ରମ ରହିଛି ।